ପ୍ରେସ୍ ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୬ଜଣ କରୋନା ପଜିଟିଭ ଚିହ୍ନଟ ।

ପଜିଟିଭ ସଂଖ୍ୟା ୪୪୫୨୩ରେ ପହଞ୍ଚିଲା ।

ଅନୁଗୋଳ,ତା.୦୫.୦୧:- ଆଜି ଅନୁଗୋଳ ଜିଲ୍ଲାରେ ୬ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତଙ୍କ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୩ଜଣ( ୩ଜଣ ପୁରୁଷ ) ଓ ବଅଁରପାଳ ବ୍ଲକ୍ ଅଂଚଳରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା) ଅଛନ୍ତି । ଲକ୍ଷଣଯୁକ୍ତ ଆକ୍ରାନ୍ତଂକୁ ନିଜ ଘରେ Isolation ରେ ରଖାଯାଇ ନିରୀକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୩୯୮ ଜଣ ମୃତ୍ୟୁବରଣ କଲେଣି । ଆଜି ସୁଦ୍ଧା ୧୪ଲକ୍ଷ ୫୨ହଜାର ୩୫୩ଜଣଙ୍କୁ ଟିକା ଦିଆଗଲାଣି ।

ସେହିପରି ଆଜି ଜିଲ୍ଲାରେ ୧୫ ରୁ ୧୮ ବର୍ଷର ୨ ହଜାର ୬୩୨ ଜଣ କିଶୋର କିଶୋରୀମାନଂକୁ ଟୀକାକରଣ କରାଯାଇଛି । ପ୍ରକାଶଥାଉକି ପ୍ରତ୍ୟେକ ଦିନ ୫ ହଜାର ଟୀକା ଦେବାର ଧାର୍ଯ୍ୟ ଲକ୍ଷ୍ୟ ରହିଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା ୧୩ ତା. ୦୫.୦୧. ୨୦୨୨ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ